ପ୍ରେସ୍ ନୋଟ୍

# ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ ଉପଲକ୍ଷେ ଶପଥ ପାଠ ।

ଅନୁଗୋଳ, ତା.୨୬.୧୦:- ଦେଶରୁ ଦୁର୍ନୀତି ହଟାଇ ସାଧୁତା ଓ ସ୍ୱଚ୍ଛତା ପ୍ରଦର୍ଶନ ପୂର୍ବକ ଜନସାଧାରଣଂକୁ ନ୍ୟାଯ୍ୟ ପ୍ରଦାନ ନିମନ୍ତେ ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ଆଜି ଠାରୁ ନଭେମ୍ବର ୧ ତାରିଖ ପର୍ଯ୍ୟନ୍ତ ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ପାଳନ କରାଯାଉଛି । ଏହି ଉପଲକ୍ଷେ ଆଜି ପୂର୍ବାହ୍ନ ୧୧ ଘଟିକା ସମୟ୍ରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ୍ ବାରଣ୍ଡାରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି କର୍ମଚାରୀମାନଂକୁ ଶପଥ ପାଠ କରାଇଥିଲେ । ଦୁର୍ନିତୀର ମୁଳୋତ୍ପାଟନ ନିମନ୍ତେ ପ୍ରତ୍ୟେକ ନାଗରିକ ସଂଘବଦ୍ଧ ଭାବେ ଉଦ୍ୟମ କରିବା ସହ ଜୀବନର ସବୁ କ୍ଷେତ୍ରରେ ସାଧୁତା ଏବଂ ଆଇନକୁ ଅନୁସରଣ କରିବା ନିମନ୍ତେ ଅତିରିକ୍ତ ଜିଲ୍ଲାପାଳ ଶପଥ ପାଠ କରାଇଥିଲେ । ଏହି ଶପଥପାଠ କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଅତିରିକ୍ତ ଜିଲ୍ଲାପାଳ (ତାଳଚେର) ଶ୍ରୀ ରଜନୀକାନ୍ତ ସ୍ୱାଇଁ ଓ ଡେପୁଟୀ କଲେକ୍ଟର ଶ୍ରୀ ବଇତୁରା ଦିପଙ୍କ ସମେତ ଜିଲ୍ଲା କାର୍ଯ୍ୟାଳୟ୍ର ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ । ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଶ୍ରୀ ଦୁଃଖବନ୍ଧୁ ମାଝି ଏହି ଶପଥ ପାଠ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ ।

